ଫର୍ମ – III

[ନିୟମ – ୫(୪) ଦ୍ରଷ୍ଟବ୍ୟ]

# ତହସିଲ କାର୍ଯ୍ୟାଳୟ, କନିଷି, ଗଞ୍ଜାମ

Alienation କେସ୍ ନଂ. ୨୦ /୨୦୨୫

## ସର୍ବସାଧାରଣ ନୋଟିସ୍

ଏତଦ୍ ଦ୍ୱାରା ମୌଜା – ରାମଚନ୍ଦ୍ରପୁର, ଥାନା - ଗୋପାଳପୁରର ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ନିମ୍ନଲିଖିତ ତଫସିଲଭୁକ୍ତ ଜମିକୁ ବାଣିଜ୍ୟ ଓ ପରିବହନ ବିଭାଗ, ଓଡ଼ିଶାଙ୍କ ନାମରେ ଉଡ଼ାଜାହାଜ ଅବତରଣ ପ୍ରାନ୍ତର (Airstrip), ରଙ୍ଗେଇଲୁଣ୍ଡାର ନିର୍ମାଣ ନିମନ୍ତେ ହସ୍ତାନ୍ତର କରିବା ପାଇଁ ପ୍ରସ୍ତାବିତ ହୋଇଅଛି ।

ଏଣୁ ନିମ୍ନ ତଫସିଲଭୁକ୍ତ ଜମିର ହସ୍ତାନ୍ତର ବାବଦରେ ଯଦି କାହାର କିଛି ଆପତ୍ତି ଅଭିଯୋଗ ଥାଏ, ଏହି ଇସ୍ତାହାର ପ୍ରକାଶ ପାଇବାର **୧୫ (ପନ୍ଦର)** ଦିନ ମଧ୍ୟରେ ନିମ୍ନ ସ୍ୱାକ୍ଷରକାରୀଙ୍କ ଅଦାଲତରେ ଯେକୌଣସି କାର୍ଯ୍ୟ ଦିବସରେ ଲିଖିତ ଆପତ୍ତି ଅଭିଯୋଗ ଦାଖଲ କରିପାରିବେ । ଧାର୍ଯ୍ୟ ସମୟ ଅତିକ୍ରାନ୍ତ ହେବା ପରେ କୌଣସି ଅଭିଯୋଗ ଗ୍ରହଣ କରାଯିବନାହିଁ ।

### ତଫସିଲଭୁକ୍ତ ଜମିର ବିବରଣୀ

| ମୌଜା | ଖାତା ନଂ | ପ୍ଲଟ ନଂ | ମୋଟ ରକବା (ଏକରରେ) | ପ୍ରସ୍ତାବିତ ରକବା (ଏକରରେ) | କିସମ/ ଖାତାଦାର |
|---|---|---|---|---|---|
| ରାମଚନ୍ଦ୍ରପୁର | ୭୬୨ | ୬୬୭ | ୦.୮୧୦ | ୦.୮୧୦ | ପତିତ/ ଆବାଦ ଯୋଗ୍ୟ ଅନାବାଦୀ |
| | | ୬୬୮ | ୮.୧୮୦ | ୩.୬୮୬ | ପତିତ/ ଆବାଦ ଯୋଗ୍ୟ ଅନାବାଦୀ |
| | | ୬୭୧ | ୧୪.୨୧୪ | ୯.୩୬୬ | ପତିତ/ ଆବାଦ ଯୋଗ୍ୟ ଅନାବାଦୀ |
| | | ମୋଟ | ୨୩.୨୦୪ | ୧୩.୮୬୨ | |

ତହସିଲଦାର, କନିଷି

ପରିପତ୍ର ସଂଖ୍ୟା-୧୧୦୧୬ / ତାରିଖ- ୩୦.୦୮.୨୦୨୫

ଏହାର ଏକକିତା ନକଲ ଜିଲ୍ଲା ସୂଚନା ଅଧିକାରୀ (DIO), NIC, ଗଞ୍ଜାମଙ୍କ ଅବଗତି ଓ ୱେବ-ସାଇଟ୍ ମାଧ୍ୟମରେ ବିଜ୍ଞପ୍ତି ପ୍ରକାଶ କରିବା ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ରାଜସ୍ୱ ନିରୀକ୍ଷକ, କରାପଲ୍ଲୀଙ୍କ ଦ୍ୱାରା ମୌଜା- ରାମଚନ୍ଦ୍ରପୁରର ପ୍ରକାଶ୍ୟ ସ୍ଥାନରେ ଡେଙ୍ଗୁରା/ମାଇକିଙ୍ଗ ଦ୍ୱାରା ଜାରି କରିବା ପାଇଁ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ଗ୍ରାମପଞ୍ଚାୟତ କାର୍ଯ୍ୟାଳୟ, ଡୁରାର ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ/ ସରପଞ୍ଚଙ୍କ ଅବଗତି ଓ ବହୁଳ ପ୍ରଚାର ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, କନିଷିର ବିଜ୍ଞାପନ ଫଳକରେ ସର୍ବସାଧାରଣଙ୍କ ଅବଗତି ଓ ବହୁଳ ପ୍ରଚାର ନିମନ୍ତେ ଜାରି କରାଗଲା ।

ତହସିଲଦାର, କନିଷି